ପ୍ରେସ୍ ନୋଟ୍

# ଆଜି ଅନୁଗୋଳରୁ ୩ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୩୩୯ ରେ ।

ଅନୁଗୋଳ,ତା.୧.୮:- ଆଜି ଅନୁଗୋଳ ଜିଲ୍ଲାରୁ ୩ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି ।ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୩୩୯ରେ ପହଂଚିଛି । ଏହି ୩ ଜଣ ଆକ୍ରାନ୍ତଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୨ ଜଣ ଓ କଣିହାଁ ବ୍ଲକ୍ ଅଂଚଳରୁ ଜଣେ ଚିହ୍ନଟ ହୋଇଛନ୍ତି । ବଅଁରପାଳ ବ୍ଲକ୍ ଅଂଚଳରୁ ଚିହ୍ନଟ ହୋଇଥିବା ୨ ଜଣ ଆକ୍ରାନ୍ତ ପୁରୁଷଙ୍କ ମଧ୍ୟରୁ ଜଣେ ୨୩ ବର୍ଷୀୟ ତାମିଲନାଡୁ ଫେରନ୍ତା ପୁରୁଷ ଏକ ଅସ୍ଥାୟୀ ମେଡିକାଲ ଶିବିରରେ ସଙ୍ଗରୋଧରେ ଥିଲେ । ଏହି ବ୍ଲକର ୨ୟ ଆକ୍ରାନ୍ତ ଜଣଙ୍କ ୩୮ ବର୍ଷିୟ ପୁରୁଷ ଯିଏକି ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।ସେହିପରି କଣିହାଁ ବ୍ଲକ୍ ଅଂଚଳର ଜଣେ ୪୨ ବର୍ଷିୟ ପୁରୁଷ କଟକର ଏକ ଘରୋଇ ହସପିଟାଲରେ ଚିକିତ୍ସାଧିନ ଅବସ୍ଥାରେ ତାଂକର ପଜିଟିଭ ବାହାରିଛି । ଏହି ୩ ଜଣଂକ ମଧ୍ୟରୁ ବଅଁରପାଳ ବ୍ଲକ୍ ଅଂଚଳର ୨ ଜଣ ଆକ୍ରାନ୍ତଂକୁ ଚିକିତ୍ସା ନିମନ୍ତେ ଆଜି ତାଳଚେର କୋଭିଡ ହସପିଟାଲକୁ ସ୍ଥାନାନ୍ତର କରାଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଇତି ମଧ୍ୟରେ ତାଳଚେର କୋଭିଡ ହସପିଟାଲରୁ ଚିକିତ୍ସିତ ହୋଇ ସୁସ୍ଥ ହୋଇଥିବା ୬ ଜଣଙ୍କୁ ନିଜ ଘରେ Isolation ରେ ରହିବାକୁ ପରାମର୍ଶ ଦିଆଯାଇଛି । ପୂର୍ବରୁ ସୁସ୍ଥ ହୋଇଥିବା ୨୨୦ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୨୨୬ ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୪୯୬ ତା.୧.୮.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ